| PUBLICATION NAME : | Amruta Duniya |
|---|---|
| EDITION : | Bhubaneswar |
| DATE : | 11/12/2022 |
| PAGE: | 11 |

# ହସ୍ତତନ୍ତ ଉତ୍ପାଦଗୁଡ଼ିକୁ ପ୍ରୋତ୍ସାହିତ କରାଯାଉ: ରାଜ୍ୟପାଳ



**ଭୁବନେଶ୍ୱର,(ବ୍ୟୁରୋ):** ଶୁକ୍ରବାର ଦିନ କଳା ଭୂମି ଏକ ଭିନ୍ନ ପରିବେଶ ଆହରଣ କରିଥିଲା ଯେଉଁଠାରେ ଏକ ଫେସନ ଶୋ'ରେ ମଡେଲ୍‌ମାନେ ସ୍ଥାନୀୟ ବୁଣାକାରମାନଙ୍କ ଦ୍ୱାରା ପ୍ରସ୍ତୁତ ସୁନ୍ଦର ଡିଜାଇନର ପୋଷାକ ପରିଧାନ କରି ର୍‍ୟାମ୍ପ୍ ୱାକ୍ କରିଥିଲେ। ଦର୍ଶକମାନଙ୍କୁ ତାହା ଏକ ରୋମାଂଚକ ଅନୁଭୂତି ପ୍ରଦାନ କରିଥିଲା। ୱାର୍ଲଡ୍ ଟ୍ରେଡ୍ ସେଂଟର (ଡବ୍ଲୁଟିସି) ଭୁବନେଶ୍ୱର ପକ୍ଷରୁ କଳା ଭୂମିରେ ଏହି ଫେସନ୍ ଶୋ' ଆୟୋଜନ କରାଯାଇଥିଲା। ଏଥିରେ ଭାଗ ନେଇଥିବା ମଡେଲ୍‌ମାନେ ହାତବୁଣା କପଡ଼ାରେ ତିଆରି ପୋଷାକ ପିନ୍ଧି କେବଳ ସୁନ୍ଦର ନୁହେଁ ବରଂ ବେଶ ଆକର୍ଷଣୀୟ ଦେଖାଯାଉଥିଲେ। ସମାଜର ବିଭିନ୍ନ କ୍ଷେତ୍ର ଏଥିରେ ଅଂଶଗ୍ରହଣ କରି ର୍‍ୟାମ୍ପରେ ଚାଲିଥିଲେ ଏବଂ ଏହାର ମହତ୍ ଉଦ୍ଦେଶ୍ୟକୁ ସମର୍ଥନ କରିଥିଲେ। ଏହି ଅବସରରେ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ୍ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ନିଜ ଅଭିଭାଷଣରେ ସେ କହିଛନ୍ତି ଯେ, 'ଓଡ଼ିଶା ହସ୍ତତ'ର ଇତିହାସ ଅତ୍ୟ' ପ୍ରାଚୀନ ଏବଂ ଏହା ପ୍ରକୃତି ଦ୍ୱାରା ପ୍ରେରିତ। ଓଡ଼ିଶାର ଗର୍ବ ଏବଂ ଗୌରବ ହୋଇଥିବା ଏହି ହସ୍ତତ'ରେ ଓଡ଼ିଶାର ଜନଜୀବନର ଶୈଳୀ, ପରମ୍ପରା, ଲୋକଚରିତ୍ର ଏବଂ ଲୋକକଥା ବହୁମାତ୍ରାରେ ପ୍ରକାଶିତ। ଏହି ପରମ୍ପରାକୁ ଆହୁରି ପରିପୁଷ୍ଟ କରିବା ଏବଂ ହସ୍ତତ' ସାମଗ୍ରୀ କିଭଳି ସମଗ୍ର ବିଶ୍ୱରେ ଲୋକପ୍ରିୟ ହୋଇପାରିବ ସେଥିପାଇଁ ବିଭିନ୍ନ ସ୍ତରରେ ଯୋଜନା ହେବା ଆବଶ୍ୟକ। ଏହି ଦିଗରେ ଉଭୟ ରାଜ୍ୟ ସରକାର ଏବଂ କେନ୍ଦ୍ର ସରକାର କାର୍ଯ୍ୟ ଜାରି ରଖିଛନ୍ତି। ଏହାବ୍ୟତୀତ ବେସରକାରୀ ସ୍ତରରେ କର୍ପୋରେଟ ଜଗତ ମଧ୍ୟ ଏହାକୁ ପ୍ରୋତ୍ସାହିତ କରିବା ଲାଗି ଆଗେଇ ଆସିବା ଦରକାର। ସଭିଙ୍କୁ ମୁଁ ହସ୍ତତ'ର ବସ୍ତ୍ର ପିନ୍ଧିବାକୁ ପରାମର୍ଶ ଦେବାକୁ ଚାହିଁବି।'' ଆହୁରି ମଧ୍ୟ ଶ୍ରୀ ଗଣେଶୀ ଲାଲ ବିଦେଶୀ ପରିକଳ୍ପିତ ପୋଷାକ ବଦଳରେ ବିଶ୍ୱବିଦ୍ୟାଳୟ ସମ୍ମିଳନୀ କାର୍ଯ୍ୟକ୍ରମରେ ହସ୍ତତ' ତିଆରି ପୋଷାକର ବ୍ୟବହାର କରିବାକୁ ପ୍ରସ୍ତାବ ଦେଇଥିଲେ। ଅନେକ ବିଶ୍ୱବିଦ୍ୟାଳୟ ସେହି ପ୍ରସ୍ତାବକୁ ଗ୍ରହଣ କରିଛନ୍ତି। କଳାହାଣ୍ଡୀ ବିଶ୍ୱବିଦ୍ୟାଳୟ ଏଥନିକ ଉତ୍ପାଦ ପ୍ରସ୍ତୁତ କରିବା ଲାଗି ଆଗେଇ ଆସିଛି।' ଏହି ଅବସରରେ ଡବ୍ଲୁଟିସି ଭୁବନେଶ୍ୱରର ସହକାରୀ ନିର୍ଦ୍ଦେଶିକା ନିର୍ମେଣିକା ନଟରାଜନ କହିଛନ୍ତି ଯେ, 'ଓଡ଼ିଶାର ହସ୍ତତ' ଏବଂ ନିର'ର ଫେସନର ପ୍ରସାର କରିବା ଏବଂ ଓଡ଼ିଶାର ହସ୍ତତ' ଉତ୍ପାଦକୁ ଆ'ର୍ଜାତିକ ବଜାରରେ ପହଂଚାଇବା ଲାଗି ୱାର୍ଲଡ ଟ୍ରେଡ୍ ସେଂଟର ଭୁବନେଶ୍ୱର ପକ୍ଷରୁ ଏହା ହେଉଛି ଏକ ଉଦ୍ୟମ। ଏଭଳି ପଦକ୍ଷେପର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରି ଇଡିଆଇଆଇର ଡାଇରେକ୍ଟର ଜେନେରାଲ ଡକ୍ଟର ସୁନିଲ ଶୁକ୍ଳା କହିଛନ୍ତି ଯେ, 'ପାରମ୍ପରିକ ହସ୍ତକଳା ଏବଂ ବୟନକୁ ପୁନଃସୃଷ୍ଟି କରିବାର ଅତ୍ୟ' ଆବଶ୍ୟକତା ରହିଛି ଯାହା ଦ୍ୱାରା ରାଜ୍ୟର ସଂସ୍କୃତି ଓ ପାରମ୍ପରିକ ଐତିହ୍ୟ ବଜାୟ ରହିବ। ଅଳ୍ପ ସହାୟତା ଏବଂ ପ୍ରଶିକ୍ଷଣ ଦ୍ୱାରା ବୁଣାକାର ଓ କାରିଗରମାନେ କିଭଳି ଚମତ୍କାର ନବସୃଜନ ଉପସ୍ଥାପନ କରିଛନ୍ତି ତାହା ଜଣାପଡ଼ିଛି। ଏଭଳି ମଂଚ ସେମାନଙ୍କୁ ଉତ୍ପାଦିତ ସାମଗ୍ରୀ ପ୍ରଦର୍ଶିତ କରିବା ଲାଗି ସୁଯୋଗ ପ୍ରଦାନ କରିବ। ମୁଁ ବହୁତ ଖୁସି ଯେ କାରିଗରମାନଙ୍କ ବ୍ୟବସାୟ ସମ୍ଭାବନାରେ ଉନ୍ନତି ଆଣିବାରେ ଇଡିଆଇଆଇ ଏକ ପ୍ରମୁଖ ଭୂମିକା ନିର୍ବାହ କରୁଛି।'' କାର୍ଯ୍ୟକ୍ରମ ପ୍ରାରମ୍ଭରେ ଡବ୍ଲୁଟିସି ଭୁବନେଶ୍ୱରର ପରାମର୍ଶଦାତା ଫଂଟମି ମାନୋ ଉକିଲ୍ ବିବରଣୀ ପ୍ରଦାନ କରିଥିବା ବେଳେ ଡକ୍ଟର ରାନୀ ରାଉତରାୟ ସ୍ୱାଗତ ଭାଷଣ ଦେଇଥିଲେ। ହସ୍ତତ', ବୟନ ଓ ହସ୍ତକଳା ବିଭାଗର ପ୍ରମୁଖ ସଚିବ ଡକ୍ଟର ଅରବିନ୍ଦ କୁମାର ପାଢ଼ୀ, ନ୍ୟାସନାଲ୍ ଇନଷ୍ଟିଚ୍ୟୁଟ୍ ଅଫ୍ ଫେସନ ଟେକ୍ନୋଲୋଜିର ପ୍ରଫେସର ବି ବି ଜେନା ଏବଂ ଅହମ୍ମଦାବାଦ ସ୍ଥିତ ଏଂଟ୍ରପ୍ରେନ୍ୟୁଅରସିପ୍ ଡେଭେଲପ୍‌ମେଂଟ୍ ଇନଷ୍ଟିଚ୍ୟୁଟ୍ ଅଫ୍ ଇଣ୍ଡିଆର ଡାଇରେକ୍ଟର ଜେନେରାଲ୍ ଡକ୍ଟର ସୁନିଲ ଶୁକ୍ଳା ମଧ୍ୟ ଅଭିଭାଷଣ ପ୍ରଦାନ କରିଥିଲେ। ଏହି ଅବସରରେ ରାଜ୍ୟର ନଅ ଜଣ ବୁଣାକାର ପ୍ରଫୁଲ୍ଲ ମେହେର, ସୁଶିଳା ମେହେର, ରାମପ୍ରସାଦ ମେହେର, ବବିତା ମେହେର, ସୁକାନ୍ତି ମେହେର, ମଲ୍ଲିକା ବେହେରା, ଜଗଜୀବନ ଚାନ୍ଦ, ପ୍ରମୋଦ କୁମାର ସୁର ଏବଂ ପ୍ରସନ୍ନ କୁମାର ଗୁଇଁଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଅପରାହ୍ଣରେ ଏକ ପ୍ରଦର୍ଶନୀକୁ କବିସୂର୍ଯ୍ୟନଗରର ବିଧାୟିକା ଶ୍ରୀମତୀ ଲତିକା ପ୍ରଧାନ ଉଦଘାଟନ କରିଥିଲେ। ଏହି ଅବସରରେ ଆୟୋଜିତ ଏକ ଆଲୋଚନାଚକ୍ରରେ ଡବ୍ଲୁଟିସି ଭୁବନେଶ୍ୱର ମହିଳା ଫୋରମ୍‌ର ପରାମର୍ଶଦାତା ଡକ୍ଟର ରାନୀ ରାଉତରାୟ, ବୟନ ଉପ ନିର୍ଦ୍ଦେଶିକା ମଧୁସ୍ମିତା ଦାସ, ଓଏଏସ୍ ରାଜା ପରିଡ଼ା, ଜାତୀୟ ପୁରସ୍କାର ବିଜୟିନୀ ବୁଣାକାର ସୁକାନ୍ତି ମେହେର ଏବଂ ବୟନିକାର ବିପଣନ ପ୍ରବନ୍ଧକ ଅର୍ଥଂଜନ ମହାପାତ୍ର ବୁଣାକାରମାନେ ସାମ୍ନା କରୁଥିବା ସମସ୍ୟା ଏବଂ ସେମାନଙ୍କ ପାଇଁ ରହିଥିବା ଆହ୍ୱାନ ବିଷୟରେ ଆଲୋଚନା କରିଥିଲେ।